ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 810/02-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୨ ଡିସେମ୍ବର,୨୦୨୦**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଏକାମ୍ର କ୍ଷେତ୍ର ବିକାଶ ପ୍ରକଳ୍ପ ପରିଦର୍ଶନ କରିଛନ୍ତି । ସେ କହିଛନ୍ତି ଯେ ପୁରୀ ଶ୍ରୀମନ୍ଦିର ଢାଞ୍ଚାରେ ଏକାମ୍ର କ୍ଷେତ୍ରର ବିକାଶ ପାଇଁ ଏକ ସ୍ୱତନ୍ତ୍ର ଆଇନ ପ୍ରଣୟନ କରାଯିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି ଯେ ୫–'ଟି' ସୂତ୍ର ଆଧାରରେ ବିକାଶ କାର୍ଯ୍ୟ ରୂପାୟନ ଫଳରେ ଅଧିକ ସଂଖ୍ୟକ ପର୍ଯ୍ୟଟକ ଆକୃଷ୍ଟ ହେବେ ଓ ଐତିହ୍ୟ ନଗରୀ ଭୁବନେଶ୍ୱରକୁ ଏକ ପ୍ରମୁଖ ପର୍ଯ୍ୟଟନ ସ୍ଥଳୀ ଭାବରେ ବିକଶିତ କରାଯାଇପାରିବ । ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକଳ୍ପର ସଫଳତା ନିମନ୍ତେ ସହଯୋଗ କରିଥିବାରୁ ସମସ୍ତଙ୍କୁ ଧନ୍ୟବାଦ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପାଦହରା ପୁଷ୍କରଣୀ ପରିଦର୍ଶନ କରିବା ସହିତ ବିନ୍ଦୁସାଗର ମଠଘାଟଠାରେ ପ୍ରକଳ୍ପ କାର୍ଯ୍ୟର ସମୀକ୍ଷା କରିଛନ୍ତି । ପ୍ରକଳ୍ପ ନିମନ୍ତେ ଜମି ଦାନ କରିଥିବା ଲୋକମାନଙ୍କୁ ସେ ମଧ ପ୍ରଶଂସା କରିଛନ୍ତି । ସେବାୟତମାନେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ବିନ୍ଦୁସାଗରରୁ ପୁରୁଣା ଭୁବନେଶ୍ୱର ପର୍ଯ୍ୟନ୍ତ ହୋଇଥିବା ଏକାଧିକ ବିକାଶମୂଳକ କାର୍ଯ୍ୟ ପାଇଁ ତାଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି ।

- ମାନ୍ୟବର ମନ୍ତ୍ରୀ ଶ୍ରୀ ଅଶୋକ ଚନ୍ଦ୍ର ପଣ୍ଡା, ମାନ୍ୟବର ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା, ମାନ୍ୟବର ବିଧାୟକ ଶ୍ରୀ ସୁଶାନ୍ତ ରାଉତ, ଉନ୍ନୟନ କମିଶନର ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫–'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍, ପୋଲିସ କମିଶନର ଶ୍ରୀ ସୁଧାଂଶୁ ଷଡଙ୍ଗୀ, ପୂର୍ତ୍ତ ସଚିବ ଶ୍ରୀ କିଷନ କୁମାର, ଭୁବନେଶ୍ୱର ମହାନଗର ନିଗମ କମିଶନର ଶ୍ରୀ ପ୍ରେମଚାନ୍ଦ ଚୌଧାରୀ ଏବଂ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ ।

➢ ମୁଖ୍ୟ ଶାସନ ସଚିବ ଶ୍ରୀ ଅସିତ ତ୍ରିପାଠୀ କେନ୍ଦୁପତ୍ର କାର୍ଯ୍ୟକ୍ରମ ସଂପର୍କିତ ରାଜ୍ୟସ୍ତରୀୟ ସମନ୍ୱୟ ବୈଠକରେ ଆଜି ଅଧ୍ୟକ୍ଷତା କରି ବୁଦା କାଟିବାକୁ ବ୍ୟାପକ କରିବା ସହିତ ଅଧିକ ଉତ୍ପାଦନ ଓ ସଂଗ୍ରହଣ ପାଇଁ ଏହାକୁ ମନ୍‌ରେଗା ଯୋଜନାରେ ସାମିଲ କରିବା ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି । ବୈଠକରୁ ଜଣାଯାଇଛି ଯେ, କୋଭିଡ୍ ଲକ୍‌ଡାଉନ୍ ଓ ସଟ୍‌ଡାଉନ୍ ସାଙ୍ଗକୁ ଗତ ଫେବୃଆରୀ ଓ ମାର୍ଚ୍ଚ ମାସରେ

ପ୍ରତିକୂଳ ପାଗକୁ ପ୍ରତିହତ କରି ରାଜ୍ୟରେ କେନ୍ଦୁପତ୍ର କାର୍ଯ୍ୟକଳାପ ଦ୍ୱାରା ଚଳିତ ଆର୍ଥିକ ବର୍ଷରେ ୧୦୦ କୋଟି ଟଙ୍କାର ବଳକା ଅର୍ଜନ କରାଯାଇପାରିବ ।

- ଉନ୍ନୟନ କମିଶନର ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ଅତିରିକ୍ତ ମୁଖ୍ୟ ଶାସନ ସଚିବ, ଜଙ୍ଗଲ ଓ ପରିବେଶ ବିଭାଗ ଡ. ମୋନା ଶର୍ମା, ପ୍ରମୁଖ ଶାସନ ସଚିବ, ଅର୍ଥ ବିଭାଗ ଶ୍ରୀ ଅଶୋକ କୁମାର ମୀନା, ପ୍ରଧାନ ମୁଖ୍ୟ ବନ ସଂରକ୍ଷକ ଶ୍ରୀ ସଂଦୀପ ତ୍ରିପାଠୀ, ପ୍ରଧାନ ମୁଖ୍ୟ ବନ ସଂରକ୍ଷକ (କେନ୍ଦୁପତ୍ର) ଶ୍ରୀ ପ୍ରଭାକର ବେହେରା ଏବଂ ଅନ୍ୟ ବରିଷ୍ଠ ଅଧିକାରୀମାନେ ଏହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

➢ ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୧ରୁ ୨ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୧ଟି ମାମଲା ଦାୟର କରାଯାଇଥିବାବେଳେ ୭ ଜଣ ବ୍ୟକ୍ତିଙ୍କୁ ଗିରଫ, ୬୨୪ ଟି ଗାଡ଼ି ଜବତ ଏବଂ ୨୫,୮୪,୦୦୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୫୯,୭୭,୯୭୦ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୧୯,୫୮୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୨,୭୩୪ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୭୫୦ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୫,୦୪୬ ରହିଛି ।
- ୫,୦୪୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**